Sankha Bhawan
Plot No. 798, Unit - VI
Bhubaneswar - 751001, Odisha

BJD

Ph : 0674-2393464, 2395979
email : bijujanatadal@gmail.com

# BIJU JANATA DAL

## ବିଜେଡିର ମିଶ୍ରଣ ପର୍ବ

# ବିଜେଡ଼ିରେ ଯୋଗଦେଲେ ବନ୍ଧୁଗାଁ ବ୍ଲକ ଉପାଧ୍ୟକ୍ଷା ଗୀତାଞ୍ଜଳି ପିଡିକା

**ଭୁବନେଶ୍ୱର, ୧୫/୦୪/୨୦୨୪:** କୋରାପୁଟ ଜିଲ୍ଲା ଅନ୍ତର୍ଗତ ଲକ୍ଷ୍ମୀପୁର ନିର୍ବାଚନମଣ୍ଡଳୀର ବନ୍ଧୁଗାଁ ବ୍ଲକ ଉପାଧ୍ୟକ୍ଷା ଗୀତାଞ୍ଜଳି ପିଡିକାଙ୍କ ସହ ଶତାଧିକ କଂଗ୍ରେସ କର୍ମକର୍ତ୍ତା ଓ ନିର୍ବାଚିତ ପ୍ରତିନିଧି ଆଜି ଶଙ୍ଖଭବନ ଠାରେ ଲକ୍ଷ୍ମୀପୁର ବିଜେଡି ବିଧାୟକ ପ୍ରାର୍ଥୀ ପ୍ରଭୁ ଜାନି, ବିଜେଡି ସାଧାରଣ ସମ୍ପାଦକ ତଥା ନବରଙ୍ଗପୁର ଜିଲ୍ଲା ପର୍ଯ୍ୟବେକ୍ଷକ ଇଶ୍ୱର ପାଣିଗ୍ରାହୀ, ପୂର୍ବତନ ସାଂସଦ ଝିନ ହିକ୍କା ଓ ରାଜ୍ୟସଭା ସାଂସଦ ଡକ୍ଟର ସସ୍ମିତ ପାତ୍ରଙ୍କ ଉପସ୍ଥିତିରେ ବିଜେଡିରେ ଯୋଗ ଦେଇଛନ୍ତି। ଦଳରେ ସାମିଲ୍ ହୋଇଥିବା ବନ୍ଧୁଗାଁ ବ୍ଲକ ଉପାଧ୍ୟକ୍ଷା ଗୀତାଞ୍ଜଳି ପିଡିକାଙ୍କ ସହ ଶତାଧିକ କଂଗ୍ରେସ କର୍ମୀଙ୍କୁ ଶ୍ରୀ ଜାନି, ଶ୍ରୀ ପାଣିଗ୍ରାହୀ, ଶ୍ରୀ ହିକ୍କା ଓ ଡକ୍ଟର ପାତ୍ର ଉପଢୌକନ ଦେଇ ଦଳକୁ ସ୍ୱାଗତ କରିଥିଲେ। ଆଜି କଂଗ୍ରେସ କର୍ମୀମାନଙ୍କ ଯୋଗଦାନ ଫଳରେ ବିଶେଷକରି ଲକ୍ଷ୍ମୀପୁର ନିର୍ବାଚନ ମଣ୍ଡଳୀରେ ଦଳୀୟ ସଂଗଠନ ଆହୁରି ମଜଭୂତ ହେବ ବୋଲି ଶ୍ରୀ ଜାନି, ଶ୍ରୀ ପାଣିଗ୍ରାହୀ, ଶ୍ରୀ ହିକ୍କା ଓ ଡକ୍ଟର ପାତ୍ର କହିଥିଲେ।

ଏହି ଅବସରରେ ବିଜେଡ଼ିରେ ସାମିଲ୍ ହୋଇଥିବା ବନ୍ଧୁଗାଁ ବ୍ଲକ ଉପାଧ୍ୟକ୍ଷା ଗୀତାଞ୍ଜଳି ପିଡିକା ନିଜ ପ୍ରତିକ୍ରିୟାରେ କହିଥିଲେ ଯେ, ମାନ୍ୟବର ମୁଖ୍ୟମନ୍ତ୍ରୀ ତଥା ବିଜେଡ଼ି ସୁପ୍ରିମୋ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକଙ୍କ ଲୋକାଭିମୁଖୀ କାର୍ଯ୍ୟ, ସ୍ୱଚ୍ଛ ଶାସନ, ନିର୍ମଳ ଭାବମୂର୍ତ୍ତି ଓ ନୀତି ଆଦର୍ଶରେ ଅନୁପ୍ରାଣିତ ହୋଇ ଆଜି ବିଧିବଦ୍ଧ ଭାବେ ବିଜେଡିରେ ଯୋଗ ଦେଲି। ବିଜେଡିରେ ମହିଳାମାନଙ୍କୁ ଉପଯୁକ୍ତ ସମ୍ମାନ ଦିଆଯାଏ। ନୂତନ ଓଡ଼ିଶା ଗଠନ ଦିଗରେ ମାନ୍ୟବର ମୁଖ୍ୟମନ୍ତ୍ରୀ ମୋତେ ଯାହା ଦାୟିତ୍ୱ ଦେବେ ତାକୁ ସୂଚାରୁ ରୂପେ ତୁଲାଇବି। ଦଳରେ ମୋତେ ଏବଂ ମୋ ସହ ଯୋଗ ଦେଇଥିବା ସମସ୍ତ କଂଗ୍ରେସ କର୍ମୀଙ୍କୁ ଗ୍ରହଣ କରିଥିବାରୁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ, ଦଳର ସାଂଗଠନିକ ସମ୍ପାଦକ ପ୍ରଣବ ପ୍ରକାଶ ଦାସ ଏବଂ ସମସ୍ତ ନେତୃବୃନ୍ଦଙ୍କୁ କୃତଜ୍ଞତା ଜ୍ଞାପନ କରୁଛୁ।

ଏହି ମିଶ୍ରଣ ପର୍ବରେ ସମିତିସଭ୍ୟ ନିଦ୍ରାବତୀ ପିଡିକା, ପ୍ରଦୀପ ବେନ୍ତ, ବଳରାମ ମାଣ୍ଡିଗୀ, ବାଙ୍ଗୁ ଜାମ୍ବେକା, ଶୁଶୀଲ ଗରଡା, ପଣ୍ଡୁ ମେଲେକା, ମକରା ଗଦାରୀ, ଜଗା କୁଲେଶିକା, ନଗେଶ କଦ୍ରକା, ଲକ୍ଷ୍ମୀ ସୌନ୍ତା, ଜାମା ପିଡିକା, କୁମା କନ୍ଦ୍ରକା, ସାମୁଲା କଦ୍ରାକା, କୁମାରା ଜାକକା, ସୁନୀଲ କୁନ୍ତିଶ, ମନୋଜ ମୁଦୁଲି, ସୁଶାନ୍ତ ମୁଦୁଲି, ଲୋକନାଥ ମୁଦୁଲିଙ୍କ ସହ ଶତାଧିକ କର୍ମୀ ବିଜେଡ଼ିରେ ସାମିଲ ହୋଇଥିଲେ। ଶେଷରେ ବିଜେଡ଼ି ମୁଖପାତ୍ର ଡଃ ପ୍ରିୟବ୍ରତ ମାଝୀ ଧନ୍ୟବାଦ ଅର୍ପଣ କରିଥିଲେ।

ଡଃ ପ୍ରିୟବ୍ରତ ମାଝୀ

(ପ୍ରିୟବ୍ରତ ମାଝୀ)
ମୁଖପାତ୍ର, ବିଜୁ ଜନତା ଦଳ


ବି ଜେ ଡି
ODISHA


ବି ଜେ ଡି
ODISHA